**କୃଷି ସୂଚନା ସେବା (ଧାନ)**

**ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

**୨୦୧୯ ମସିହା ମାର୍ଚ୍ଚ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା :**

- ଅଧିକ ଅମଳକ୍ଷମ ଧାନ ରୋଇବାର ୬୦ ଦିନ ପରେ ଅନୁମୋଦିତ ପରିମାଣର ଏକ ଚତୁର୍ଥାଂଶ ଯବକ୍ଷାରଜାନ ସାର (ଅର୍ଥାତ୍ ଏକର ପିଛା ୨୧ କି.ଗ୍ରା. ହିସାବରେ ୟୁରିଆ) ଶେଷ କିସ୍ତି ସାର ହିସାବରେ ପ୍ରୟୋଗ କରନ୍ତୁ । ମାତ୍ର ଶଙ୍କର କିସମ ଧାନରେ ଅନୁମୋଦିତ ଯବକ୍ଷାରଜାନ ଏବଂ ପଟାସ୍ ସାରର ଏକ ଚତୁର୍ଥାଂଶ (ଅର୍ଥାତ୍ ୟୁରିଆ ଏକର ପିଛା ୨୬ କି.ଗ୍ରା. ଏବଂ ପଟାସ୍ ସାର ଏକର ପିଛା ୧୦ କି.ଗ୍ରା.) ହିସାବରେ ଶେଷ କିସ୍ତି ସାର ଭାବରେ ପ୍ରୟୋଗ କରନ୍ତୁ । ବାଦାମୀ ଗୁଣ୍ଡି ପୋକ ଉପଦ୍ରୁତ ଅଞ୍ଚଳରେ ଶେଷ କିସ୍ତି ଯବକ୍ଷାରଜାନ ସାର ପ୍ରୟୋଗ କରନ୍ତୁ ନାହିଁ ।
- ମହିଷା ରୋଗ ଦମନ ପାଇଁ କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି. ପ୍ରତି ଲିଟର ପାଣିରେ ୨ ଗ୍ରାମ୍ କିମ୍ବା ଟ୍ରାଇସାଇକ୍ଲୋଜଲ୍ ୭୫ ଡବ୍ଲ୍ୟୁ.ପି. ପ୍ରତିଲିଟର ପାଣିରେ ୦.୬ ଗ୍ରାମ୍ ହିସାବରେ ମିଶାଇ ପ୍ରୟୋଗ କରନ୍ତୁ । ଏକର ପିଛା ପ୍ରାୟ ୨୦୦ ଲିଟର ଦ୍ରବଣ ଆବଶ୍ୟକ ହୁଏ ।
- ବାଦାମୀ ପତ୍ର ଚିତା ରୋଗ ଦମନ ପାଇଁ ପ୍ରତିଲିଟର ପାଣିରେ ୩ ଗ୍ରାମ୍ ହିସାବରେ ମ୍ୟାନ୍‌କୋଯେବ୍ କିମ୍ବା ୧ ମି.ଲି. ପ୍ରୋପିକୋନାଜୋଲ ମିଶାଇ ପ୍ରୟୋଗ କରନ୍ତୁ । ଏକର ପିଛା ପ୍ରାୟ ୨୦୦ ଲିଟର ଦ୍ରବଣ ଆବଶ୍ୟକ ହୁଏ । ଏଥିସହିତ ପଟାସ୍ ସାର ଅତିରିକ୍ତ କିସ୍ତି ଭାବରେ ଏକର ପିଛା ୬ କି.ଗ୍ରା. ହିସାବରେ (ମ୍ୟୁରେଟ୍ ଅଫ୍ ପଟାସ୍ ୧୦ କି.ଗ୍ରା. ପ୍ରତି ଏକର) ପ୍ରୟୋଗ କରନ୍ତୁ ।
- କାଣ୍ଡବିନ୍ଧା ପୋକର ନିରୀକ୍ଷଣ କରନ୍ତୁ ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% କୁ ଏକର ପିଛା ୬୦୦ ରୁ ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୪% ଜି.ଆର୍ ଏକର ପିଛା ୪ କି.ଗ୍ରା.କୁ ୪ କି.ଗ୍ରା. ବାଲି ସହିତ ସମାନ ଭାବରେ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା କ୍ଲୋରାନ୍‌ଟ୍ରାନିଲିପ୍ରୋଲ୍ ୧୮.୫% ଏସ୍.ସି ୬୦ ମି.ଲି. ଏକର ପିଛା ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ କିମ୍ବା ଦାନାଦାର ହିସାବରେ ଏକର ପିଛା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା କିମ୍ବା କାର୍ବୋଫ୍ୟୁରାନ୍ ୩% ୧୦ କି.ଗ୍ରା. ପ୍ରୟୋଗ କରନ୍ତୁ ।

******